# ଭା.କୃ.ଅ.ନୁ.ପ.- କେନ୍ଦ୍ରୀୟ କପା ଗବେଷଣା ପ୍ରତିଷ୍ଠାନ, ନାଗପୁର
## କପା ଚାଷ ପାଇଁ XXX (ତିରିଶ ତମ) ସାପ୍ତାହିକ ପରାମର୍ଶ (12th Dec to 18th Dec,2023)

| ODISHA | | ପୂର୍ବ ସପ୍ତାହରେ ବାସ୍ତବିକ ବର୍ଷା (ମିମି) | | | | | ଆଗାମୀ ସପ୍ତାହରେ ଆନୁମାନିକ ବର୍ଷା (ମିମି) | | | | |
|---|---|---|---|---|---|---|---|---|---|---|---|
| | | ନଭେମ୍ବର | | | | | ନଭେମ୍ବର/ଡ଼ିସେମ୍ବର | | | | |
| | | 08 | 09 | 10 | 11 | 12 | 14 | 15 | 16 | 17 | 18 |
|  | କୋରାପୁଟ | 0 | 0 | 0 | 0 | 0 | 0 | 0 | 0 | 0 | 0 |
| | କଳାହାଣ୍ଡି | 0 | 0 | 0 | 0 | 0 | 0 | 0 | 0 | 0 | 0 |
| | ବଲାଙ୍ଗିର | 0.9 | 0 | 0 | 0 | 0 | 0 | 0 | 0 | 0 | 0 |
| ବର୍ଷ ପରିମାଣ ଓ ରଙ୍ଗ ସଂକେତ | | ୦.୧ ରୁ ୨.୪ ମି ମି | | ୨.୫ ରୁ ୧୫.୫ ମିମି | | ୧୫.୬ ରୁ ୬୪.୪ ମିମି | | ୬୪.୫ ରୁ ୧୧୫.୫ ମିମି | | ୧୧୫.୬ ରୁ ୨୦୪.୪ ମିମି | |
| ବର୍ଷା ପ୍ରକାର | | ଅତି ଅଳ୍ପ ବର୍ଷା | | ଅଳ୍ପ ବର୍ଷା | | ସାଧାରଣ ବର୍ଷା | | ପ୍ରବଳ ବର୍ଷା | | ଅତି ପ୍ରବଳ ବର୍ଷା | |

**କପା ଫସଲ ଅବସ୍ଥା:**

ଓଡିଶାରେ କପା ଫସଲ ଫୁଟିବା ଅବସ୍ଥାରେ ଅଛି। କପା ଫସଲ ଭଲ ଅବସ୍ଥାରେ ଅଛି । ତୃତୀୟ ଥର କପା ତୋଳିକ୍ଵା ଚାଲିଛି। କପାରେ ପତ୍ରଡିଆଁ ପୋକ ଅର୍ଥିକ ଡାହେଳି ସୀମା ଅତକ୍ରମ କରିଛି । ରାଜ୍ୟର ଅଧିକାଂଶ କପା ଚାଷ ଅଞ୍ଚଳରେ ପାଟଳ ବକରା ବିନ୍ଧା ପୋକର ସଂକ୍ରମଣ ଆରମ୍ଭ ହୋଇଥିଲେ ମଧ ତାହା ଆର୍ଥିକ ଦାହେଳି ସୀମା ତଳେ ଅଛି । ରାଜ୍ୟର ବହୁତ ସ୍ଥାନରୁ ପାଉଁସିଆ ପତ୍ର ଦାଗ ଓ ବୀଜାଣୁ ଜନିତ ପତ୍ରଦାଗ ରୋଗର ସୂଚନା ମିଳିଛି।

**ପରାମର୍ଶ:**

ସମ୍ପୂର୍ଣ ଫୁଟିଥିବା ବକରାରୁ କପା ତୋଳନ୍ତୁ । ତୋଳିଥିବା କପାକୁ ସିମେଣ୍ଟ ଚଟାଣ କିମ୍ବା ତାରପଲିନ ଉପରେ ଭଲ ଭାବରେ ଶୁଖାନ୍ତୁ ଯେପରିକି ଏହାର ଆଦ୍ରତା 8-10% ଭିତରେ ରହିବ। ପ୍ରଥମରେ ତୋଳା ହୋଇଥିବା କପାକୁ ଅଲଗା କରି ସାଇତି ରଖନ୍ତୁ ଯାହାକି ଭଲ ଦାମରେ ବିକ୍ରି ହେବ । କାପାର ଉଚିତ ମୂଲ୍ୟ ପାଇବା ପାଇଁ ନିକଟସ୍ଥ ମାଣ୍ଡୀରେ ବିକ୍ରି କରନ୍ତୁ । ଗଛ ପ୍ରତି 7-8 ଟି ଫଳ ଥିଲେ ଔଷଧ ସିଂଚନ କରିବା ପାଇଁ ନିଷ୍ପତ୍ତି ନିଅନ୍ତୁ । ଫସଲକୁ ଅନୁମୋଦିତ ଅବଧି ଠାରୁ ଅଧିକ ଦିନ ପର୍ଜନ୍ତ ଜମିରେ ରଖନ୍ତୁ ନାହିଁ । ଅମଳ ସମାପ୍ତ ହେବ ପରେ ପୋକ ଏବଂ ରୋଗ ଦ୍ଵାରା ଆକ୍ରାନ୍ତ ହୋଇଥିବା ଫଳ ଓ ଗଛକୁ ଜମିରୁ ବାହାର କରି ନଷ୍ଟ କରି ଦିଅନ୍ତୁ । କପା ଅମଳ ସାରିବା ପରେ ଗଛକୁ କାଟି ଖତ ତିଆରି କରନ୍ତୁ।

ଉନ୍ନତ କପା ଉତ୍ପାଦନ ପ୍ରଣାଳୀ ଯଥା ମୃତ୍ତିକା ଓ ବିହନ ଚୟନ, ସାର ପ୍ରୟୋଗ , ବୁଣିବା ପଦ୍ଧତି, ଜଳସେଚନ ଓ ଘାସ ପରିଚାଳନା, ରୋଗ ପୋକ ପରିଚାଳନା ଇତ୍ୟାଦି ଗୋଟିଏ ଅଣ୍ଡ୍ରୋଏଡ ଆଧାରିତ ସିଆଇସିଆର କଟନ ଆପ )CICR Cotton App) ଯାହାକି ଆଇସିଏଆରସିଆଇସିଆର-, ନାଗପୁର ଦ୍ଵାରା ପ୍ରସ୍ତୁତ କରାଯାଇଛି ସେଥିରୁ ରୁ ମିଳି ପାରିବ । ଗୁଗଲ ପ୍ଲେ ଷ୍ଟୋର ରୁ ଏହି ଆପ କୁ ମାଗଣାରେ ଡାଉନଲୋଡ କରା ଯାଇ ପାରିବ । ଏହା ଛଡା ଫସଲର ଅବସ୍ଥା ଓ ପାଣିପାଗ ଭିତ୍ତିକ ସାପ୍ତାହିକ ପରାମର୍ଶ ଗୁଡିକ ଆଇସିଏଆର-ସିଆଇସିଆର ୱେବ ସାଇଟ ରେ ଅପଲୋଡ କରା ଯାଉଛି, ଯାହାସବୁ ଚାଷୀ ମାନଙ୍କ ଉପକାର ପାଇଁ ମଧ ମିଳି ପାରିବ ।